The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 1739 CUTTACK, TUESDAY, DECEMBER 7, 2004 / MARGASIRA 16, 1926**

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 29 ନଭେମ୍ବର 2004

ସଂଖ୍ୟା 46654– ଏଲ୍.ଏ.(ବି)-28/2003-ଗଞ୍ଜାମ-ରା.--ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ବାଘଲଟି ଜଳସେଚନ ପ୍ରକଳ୍ପ କେନାଲ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ଲହୁଣିଆ, ଥାନା ନୂଆଗାଁ, ଜିଲ୍ଲା ଗଞ୍ଜାମରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 3.444 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4 (1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 52010-ରା., ତାରିଖ 4 ନଭେମ୍ବର 2003 ଓ ରାଜପତ୍ର ସଂଖ୍ୟା 1756, ତାରିଖ 14 ଅପ୍ରେଲ 2003ରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ଗଞ୍ଜାମ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 1217–206+20